# ଆଜି ଅନୁଗୋଳରୁ ପୁଣି ଜଣେ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୪୯ରେ ପହଞ୍ଚିଲା ।

ଅନୁଗୋଳ,୧୬.୬ :- ଅନୁଗୋଳ ଜିଲ୍ଲା ଅନ୍ତର୍ଗତ ଛେଣ୍ଡିପଦା ବ୍ଲକର ଏକ ଅସ୍ଥାୟୀ ସ୍ୱାସ୍ଥ୍ୟ ଶିବିରରୁ ଆଜି ଜଣେ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ୨୨ ବର୍ଷୀୟ ଏହି ଯୁବକ ତାମିଲନାଡୁରୁ ଫେରି ଚଳିତ ମାସ ୧୧ ତାରିଖରୁ ସଙ୍ଗରୋଧରେ ଥିଲେ । ତାଙ୍କର କୌଣସି ଲକ୍ଷଣ ନଥାଇ ନମୁନା ପଜିଟିଭ ଜଣାପଡିବା ପରେ ଆଜି ତାଙ୍କୁ ତାଳଚେର କୋଭିଡ ହସପିଟାଲକୁ ସ୍ଥାନାନ୍ତର କରାଯାଇଛି ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି । ଆଜିର ଏହି ୧ ପଜିଟିଭକୁ ମିଶାଇ ଜିଲ୍ଲାରେ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୪୯ରେ ପହଞ୍ଚିଲା । ଇତିମଧ୍ୟରେ ଆଜି ୨ ଜଣ ସୁସ୍ଥ ହୋଇ କୋଭିଡ କେୟାର ସେଣ୍ଟରରେ ନିରିକ୍ଷଣରେ ରହିଛନ୍ତି । ଏହି ୨ ଜଣ ଚଳିତ ମାସ ୭ ତାରିଖରେ କୋଭିଡ କେୟାର ହସପିଟାଲରେ ଭର୍ତ୍ତୀ ହୋଇଥିଲେ । ୨ ଜଣଙ୍କୁ ମିଶାଇ ବର୍ତ୍ତମାନ ସୁଦ୍ଧା ୩୩ ଜଣ ସୁସ୍ଥ ହେଲେଣି । ଏମାନେ ସମସ୍ତେ କୋଭିଡ କେୟାର ସେଣ୍ଟରରେ ୧୪ ଦିନ ନିରୀକ୍ଷଣରେ ରହିବା ପରେ ସ୍ୱଗୃହକୁ ପ୍ରତ୍ୟାବର୍ତ୍ତନ କରିବାର ନିୟମ ରହିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୩୯୫ ତା.୧୬.୬.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ ।